ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1056/16-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୬ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଲୋକାଭିମୁଖୀ କାର୍ଯ୍ୟକ୍ରମ ଓ ସ୍ୱଚ୍ଛ ଶାସନ ପାଇଁ ଦେଶବାସୀଙ୍କ ପ୍ରଥମ ପସନ୍ଦ ସାଜିଛନ୍ତି । ଏବିପି ନ୍ୟୁଜ-ସି ଭୋଟର ପକ୍ଷରୁ ହୋଇଥିବା 'ଦେଶ କା ମୁଡ୍' ସର୍ଭେରେ ସମଗ୍ର ଦେଶରେ ନିଜ ଲୋକପ୍ରିୟତା ପାଇଁ ସେ ଶ୍ରେଷ୍ଠ ମୁଖ୍ୟମନ୍ତ୍ରୀ ବିବେଚିତ ହୋଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଓଡ଼ିଶାରେ ରାଜ୍ୟବ୍ୟାପି କୋଭିଡ୍-୧୯ ଟୀକାକରଣ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିବାବେଳେ ଭୁବନେଶ୍ୱରରେ ପ୍ରାୟ ୯୦୦୦ ସ୍ୱାସ୍ଥ୍ୟକର୍ମୀଙ୍କୁ ପ୍ରଥମ ପର୍ଯ୍ୟାୟରେ ଟୀକା ଦିଆଯିବ । କ୍ୟାପିଟାଲ୍ ହସ୍‌ପିଟାଲ୍, ୟୁନିଟ୍-୪ସ୍ଥିତ ସହରାଞ୍ଚଳ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, କିମସ୍, ସମ୍ ହସ୍‌ପିଟାଲ୍ ଏବଂ ଏମସ୍‌ଠାରେ ଟୀକାକରଣ କେନ୍ଦ୍ର ଖୋଲିଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାରେ କୋଭିଡ୍-୧୯ ଟୀକାକରଣ ଅଭିଯାନ ଆରମ୍ଭ ଅବସରରେ ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ଟୀକା ନେଇଥିବା ସ୍ୱାସ୍ଥ୍ୟକର୍ମୀଙ୍କ ସହ କଥା ହୋଇଛନ୍ତି ଏବଂ ସେମାନଙ୍କ ମତାମତ ସଂଗ୍ରହ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତ ସ୍ୱାସ୍ଥ୍ୟକର୍ମୀଙ୍କୁ ଅଭିନନ୍ଦନ ଜଣାଇବା ସହ ଟୀକାକରଣ କାର୍ଯ୍ୟକ୍ରମରେ ସେମାନଙ୍କର ସହଯୋଗ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍ ଯୋଦ୍ଧାଙ୍କୁ ପ୍ରଶଂସା କରି କହିଛନ୍ତି ଯେ ଦୀର୍ଘ ୧୦ ମାସ ଧରି କର୍ତ୍ତବ୍ୟ ସଂପାଦନରେ ସେମାନଙ୍କର ନିଷ୍ଠା ଓ ତ୍ୟାଗ ପାଇଁ ରାଜ୍ୟ ଗର୍ବିତ । ଓଡ଼ିଶା ସରକାରଙ୍କ ପକ୍ଷରୁ ୩୦ଟି ଜିଲ୍ଲାର ୧୬୧ଟି କେନ୍ଦ୍ରରେ ଟୀକାକରଣ ପାଇଁ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ କାର୍ଯ୍ୟକ୍ରମକୁ ସଂପ୍ରସାରଣ କରିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ଖୁବ୍ ଶୀଘ୍ର ୩୦ଟି ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ବାଣିଜ୍ୟ ପାଠ୍ୟକ୍ରମ ଆରମ୍ଭ କରୁଛନ୍ତି । ଏହି ନିଷ୍ପତ୍ତି ଦ୍ୱାରା ହଜାର ହଜାର ବିଦ୍ୟାର୍ଥୀଙ୍କ ପାଇଁ ବାଣିଜ୍ୟ ପାଠ୍ୟକ୍ରମରେ ଗୁଣାତ୍ମକ ଶିକ୍ଷା ସୁନିଶ୍ଚିତ ହୋଇପାରିବ ବୋଲି ସେ ଆଶାପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କେନ୍ଦୁଝରରେ ୮୬ ହଜାର ଶିଶୁଙ୍କ ପୁଷ୍ଟିସାଧନ ଆବଶ୍ୟକତା ପୂରଣ ନିମନ୍ତେ ରାଜ୍ୟ ସରକାର 'ମିଲେଟ୍ ଓଡ଼ିଶା' କାର୍ଯ୍ୟକ୍ରମ ଅଧୀନରେ ଜିଲ୍ଲାରେ ଏକ ମାଣ୍ଡିଆଜାତୀୟ ଶସ୍ୟ

ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ କରିଛନ୍ତି । ଜିଲ୍ଲା ଖଣିଜ ପାଣ୍ଠି ସହାୟତାରେ ପ୍ରତିଷ୍ଠା କରାଯାଇଥିବା ଏହି ୟୁନିଟ୍‌ରେ ମାସିକ ୫୦୦ କ୍ୱିଣ୍ଟାଲ୍ ମାଣ୍ଡିଆଜାତୀୟ ଶସ୍ୟର ପ୍ରକିୟାକରଣ ହୋଇପାରିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାର ବାଲେଶ୍ୱର ଜିଲ୍ଲାର ଲେଫଟ୍‌ନାଣ୍ଟ କର୍ଣ୍ଣେଲ ଲକ୍ଷ୍ମୀଧର ଭୂୟାଁ ୨୦ ପ୍ରତିଶତ ଅକ୍ଷମତା ସତ୍ତ୍ୱେ କଷ୍ଟକର ଶୀର୍ଷାସନ ଯୋଗ କରି ଗିନିଜ୍ ବୁକ୍ ଅଫ୍ ଓ୍ୱାଲର୍ଡ ରେକର୍ଡରେ ସ୍ଥାନ ପାଇଥିବାରୁ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ତାଙ୍କ ଦୃଢ଼ସଂକଳ୍ପ ଓ ପ୍ରତିବଦ୍ଧତା ଅନ୍ୟମାନଙ୍କୁ ପ୍ରେରଣା ଦେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ସଡ଼କ ଦୁର୍ଘଟଣାରେ ଆହତ ଯୁବକଙ୍କୁ ସୋନପୁର ଜିଲ୍ଲା ପରିବହନ ଅଧିକାରୀ ରବିନ ପଟ୍ଟନାୟକ ନିଜ ଗାଡ଼ିରେ ଡାକ୍ତରଖାନା ନେବାପୂର୍ବକ ଚିକିତ୍ସା ବ୍ୟବସ୍ଥା ସୁନିଶ୍ଚିତ କରି ମାନବିକତାର ନୂଆ ଉଦାହରଣ ସୃଷ୍ଟି କରିଛନ୍ତି ବୋଲି କହିଛନ୍ତି । ତାଙ୍କର ଏପରି ମାନବୀୟ କାର୍ଯ୍ୟ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୩,୪୬,୦୯୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୩,୧୨୭ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୯,୦୮୮ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୯୯ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୦୮୭ ରହିଛି ।
- ୨,୦୮୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**